The Odisha Gazette

EXTRAORDINARY

PUBLISHED BY AUTHORITY

No. 2121 CUTTACK, THURSDAY, NOVEMBER 15, 2018/KARTIKA 24, 1940

ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

No. 14846---RDM-LAC-DKNL-0001-2017-R&DM., Dated 08.05.2017

ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ ଢ଼େଙ୍କାନାଳ ଜିଲ୍ଲାର, ରେଙ୍ଗାଳି ବାମପାର୍ଶ୍ୱ କେନାଲରେ ରୋଡଙ୍ଗ ଟେଲ ପ୍ରଶାଖା ନିର୍ମାଣ ନିମନ୍ତେ ମୌଜା- **ରୋଡଙ୍ଗ**, ଥାନା-**ଭୁବନ**, ତହସିଲ- **ଭୁବନ**, ଜିଲ୍ଲା-**ଢେଙ୍କାନାଳ** ରେ ନିମ୍ନ ତଫସିଲ ମତେ ପ୍ରାୟ **୦.୧୯** ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି । ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୧(୧) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ଜଳ ସେଚନ ପ୍ରକଳ୍ପ, ରେଙ୍ଗାଳି ଜଳ ସେଚନ ପ୍ରକଳ୍ପ ।

୨. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ନିର୍ବାହୀ ଯନ୍ତ୍ରୀ, ବାମ ପାର୍ଶ୍ୱ କେନାଲ ଡିଭିଜନ ଭୁବନ ।

୩. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ- ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରି କରିବା ।

୪. ସାମଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ- ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ- ଉପ ଜିଲ୍ଲାପାଳ, କାମାକ୍ଷାନଗର ।

୬. ଜମିର ବିବରଣୀ –

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଂଚଳ / ସହରାଂଚଳ | ଖାତା ନଂ | ପ୍ଲଟ ନଂ | ପ୍ଲଟର ମୋଟ ରକବା | ଅଧିସୂଚୀତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ଢେଙ୍କାନାଳ | ଭୁବନ | ରୋଡଙ୍ଗ | ଗ୍ରାମାଂଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | **୦.୧୯ ଏକର** | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ତଥା ବିସ୍ତୃତ ବିବରଣୀ ସ୍ୱତନ୍ତ୍ର ଜମି ଅଧିଗ୍ରହଣ ପୁନର୍ବାସ ଓ ଥଇଥାନ ଅଧିକାରୀ, ରେଙ୍ଗାଳି ଜଳସେଚନ ପ୍ରକଳ୍ପଙ୍କ କାର୍ଯ୍ୟାଳୟ ସୁକିନ୍ଦାରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ଢେଙ୍କାନାଳ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସଂମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ଢ଼େଙ୍କାନାଳ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## ଜମି ଅନୁସୂଚି

ଗ୍ରାମର ନାମ : ରୋଢ଼ଙ୍ଗ

ପି.ଏସ୍. ନଂ : ସୁକିନ୍ଦା-୧୧୯

ତହସିଲ : ଭୁବନ

ଜିଲ୍ଲା ଢେଙ୍କାନାଳ

ଜମି ଅଧିଗ୍ରହଣ ମାମଲା ନଂ :

| କ୍ର.ନଂ | ଖାତା ନଂ | ପ୍ଲଟ ନଂ | ପ୍ଲଟର ମୋଟ ରକବା (ଏକରରେ) | ପ୍ରକଳ୍ପ ପାଇଁ ଆବଶ୍ୟକୀୟ ରକବା | ଜମି ମାଲିକଙ୍କ ନାମ | ମନ୍ତବ୍ୟ |
|---|---|---|---|---|---|---|
| ୧ | ୧୭୫ | ୨୮୪ | ୦.୧୯ | ୦.୧୯ | ନାରନ ପତି ଏବଂ ଅନ୍ୟମାନେ | |
| | | | ମୋଟ | ୦.୧୯ | | |

ଗ୍ରାମର ମୋଟ ପ୍ଲଟ ସଂଖ୍ୟା : ୧ (ଏକ), ମୋଟ ଅଧିଗୃହିତ ଜମି : ୦.୧୯ ଏକର

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1598—173+20